ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/H&FW(OD)/498/01-07-2024

# ପ୍ରତି ଜିଲ୍ଲାରେ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ଓ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାଇଲିସିସ୍, ସିଟି ସ୍କାନ ଓ ଏମ୍ଆର୍ଆଇ ପରୀକ୍ଷଣ ସୁବିଧା ସରକାରୀ- ବେସରକାରୀ ସହଭାଗୀତା (PPP) ମାଧ୍ୟମରେ ଉପଲବ୍ଧ ହେବ

ଭୁବନେଶ୍ୱର, ୦୧/୦୭/୨୦୨୪

ରାଜ୍ୟର ପ୍ରତ୍ୟେକ ଜିଲ୍ଲାରେ ଥିବା ପ୍ରାଥମିକ ଓ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଏଣିକି ଡାଇଲିସିସ୍, ସିଟି ସ୍କାନ ଓ ଏମ୍ଆର୍ଆଇ ଭଳି ପରୀକ୍ଷଣ ସୁବିଧା ସରକାରୀ-ବେସରକାରୀ ସହଭାଗୀତା (PPP) ମାଧ୍ୟମରେ ଉପଲବ୍ଧ ହେବ ଏବଂ ଏଥିରେ ନିୟୋଜିତ ହେବାକୁ ଥିବା ଡାକ୍ତର ଏବଂ ବିଶେଷଜ୍ଞଙ୍କ ପ୍ରମାଣପତ୍ରର ଯାଞ୍ଚ ନେଇ ଏକ ବିଜ୍ଞପ୍ତି ପ୍ରକାଶ କରାଯାଇଛି । ନିୟୋଜିତ ସେବା ପ୍ରଦାନକାରୀ ସଂସ୍ଥାଗୁଡିକୁ ସମୟ ସମୟରେ ମନିଟରିଂ କରାଯିବ । ଏହି ସଂସ୍ଥାଗୁଡିକ ଚୁକ୍ତିନାମା ପରିସରଭିତ୍ତିରେ ଯୋଗ୍ୟତା ଅନୁଯାୟୀ ଡାକ୍ତର ଓ ବିଶେଷଜ୍ଞମାନଙ୍କୁ ନିୟୋଜିତ କରିବେ । ତଥାପି ଚୁକ୍ତି ଅବଧି ମଧ୍ୟରେ ଏହି ଡାକ୍ତର ଓ ବିଶେଷଜ୍ଞଙ୍କ ଯୋଗ୍ୟତା ପରିଚୟପତ୍ରର ଯାଞ୍ଚ କରାଯିବ ଯେ, ସେମାନେ ଏହି ସେବା ପ୍ରଦାନ ନିମନ୍ତେ ଯୋଗ୍ୟ ଅଟନ୍ତି କି ନା ।

ଏକ ସପ୍ତାହ ମଧ୍ୟରେ ସମ୍ପୃକ୍ତ ସେବା ପ୍ରଦାନକାରୀ ସଂସ୍ଥାଗୁଡିକର ପରିଚୟପତ୍ରର ଯାଞ୍ଚ କରି ବିଭାଗକୁ ପଠାଇବା ପାଇଁ ରାଜ୍ୟର ସମସ୍ତ ମୁଖ୍ୟ ଚିକିତ୍ସା ଅଧିକାରୀ, ଜନସ୍ୱାସ୍ଥ୍ୟ ଅଧିକାରୀ ଓ ନିର୍ଦ୍ଦେଶକଙ୍କୁ ସୂଚିତ କରାଯାଇଛି । ନିୟୋଜିତ ହେବାକୁ ଥିବା ଡାକ୍ତର ଓ ବିଶେଷଜ୍ଞମାନେ ଶାରୀରିକ ଭାବରେ ଉପସ୍ଥିତ ରହି ମୁଖ୍ୟ ଚିକିତ୍ସା ଅଧିକାରୀ ଓ ଜନସ୍ୱାସ୍ଥ୍ୟ ଅଧିକାରୀଙ୍କ ଠାରୁ ନିଜ ଯୋଗ୍ୟତା ପ୍ରମାଣପତ୍ରର ଯାଞ୍ଚ କରାଇବେ ବୋଲି ବିଭାଗ ପକ୍ଷରୁ ନିର୍ଦ୍ଦେଶ ଜାରି କରାଯାଇଛି ।

ସୁଶ୍ରୀ ସଙ୍ଗୀତା ମହାରଣା
ଲୋକସମ୍ପର୍କ ଅଧିକାରୀ